# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 929 CUTTACK, WEDNESDAY, MAY 29, 2019/JAISTHA 8, 1941**


ଢେଙ୍କାନାଳ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ

ଘୋଷଣା

The 20th March 2019

**No. 368**--ସର୍ବସାଧାରଣଙ୍କ ଅବଗତି ନିମନ୍ତେ, ନ୍ୟାୟୋଚିତ କ୍ଷତିପୁରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ,୨୦୧୩ (RFCTLAR&R Act. 2013) ର ଧାରା ୧୯ର ଅଧିନିୟମ ୧ ଅନୁଯାୟୀ ଏହି ଘୋଷଣାନାମା ଦିଆଯାଉଅଛି ଯେ ଉକ୍ତ ଆଇନର ଧାରା ୧୫(୨) ଅନୁସାରେ ଜିଲ୍ଲାପାଳଙ୍କ ଦ୍ୱାରା ପ୍ରଦତ୍ତ ରିପୋର୍ଟକୁ ବିବେଚନା କରି ରାଜ୍ୟ ସରକାରଙ୍କୁ ଏହି ଆଇନର ଧାରା ୨(୧) ପ୍ରକାରେ ପ୍ରତୀତ ହେଉଅଛି ଯେ **ମୌଜା ମୁକ୍ତାପଶି**, ଥାନା ପରଜଙ୍ଗ, ତହସିଲ ପରଜଙ୍ଗ, ଜିଲ୍ଲା ଢେଙ୍କାନାଳ ରେ ନିମ୍ନ ସୁଚିତ 'କ' ତଫସିଲ ଜମି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଯଥା ଅନୁଗୁଳ ଡୁବୁରି ସୁକିନ୍ଦା ରୋଡ ନୂତନ ଓସାରିଆ ରେଳପଥ ପ୍ରକଳ୍ପ ନିମନ୍ତେ ଭୂମି ଅଧିଗ୍ରହଣ ଆବଶ୍ୟକ ହେଉଅଛି ।

ଏହି ଭୂମି ଅଧିଗ୍ରହଣ ସମ୍ବନ୍ଧୀୟ ପ୍ରାରମ୍ଭିକ ବିଜ୍ଞପ୍ତି ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR&R Act. 2013) ର ଧାରା ୧୧(୧) ଅନୁଯାୟୀ ବିଜ୍ଞପ୍ତି ସଂଖ୍ୟା ୫୪୫ ତା: ୦୪.୦୪.୨୦୧୮ ରିଖ ରେ ପ୍ରକାଶିତ ହୋଇଅଛି ।

ପୁନଶ୍ଚ ଏହା ଘୋଷଣା କରାଯାଉଅଛି ଯେ **ମୌଜା ମୁକ୍ତାପଶି**, ଥାନା ପରଜଙ୍ଗ, ଜିଲ୍ଲା ଢେଙ୍କାନାଳ ରେ କୌଣସି ବିସ୍ଥାପିତ ପରିବାର ନଥିବାରୁ ପୁନର୍ବାସ ଓ ଥଇଥାନ ନିମିତ୍ତ କୌଣସି ଜମି ଚିହ୍ନଟ ଓ ପୁନର୍ବାସ ଓ ଥଇଥାନ ଯୋଜନା ରୂପରେଖର ସାରମର୍ମ ସଂଲଗ୍ନ କରାଯାଇନାହିଁ । ଅନୁମୋଦିତ ପୁନର୍ବାସ ଓ ଥଇଥାନ ଯୋଜନା ଜିଲ୍ଲାପାଳ ଏବଂ ପୁନର୍ବାସ ଥଇଥାନ ପ୍ରଶାସନ କାର୍ଯ୍ୟାଳୟରେ ଉପଲବ୍ଧ ଅଟେ । ଏହା ମଧ୍ୟ ଜିଲ୍ଲା ୱେବସାଇଟ **dkl.nic.in** ରେ ଏବଂ ରାଜ୍ୟ ସରକାରଙ୍କ ୱେବସାଇଟ **odisha.gov.in** ରେ ସର୍ବସାଧାରଣଙ୍କ ଅବଲୋକନ ପାଇଁ ଅପଲୋଡ କରାଯାଇଛି । ପୁନର୍ବାସ ଓ ଥଇଥାନ ଯୋଜନା ଭୂମି ନକ୍ସା ସ୍ୱତନ୍ତ୍ର ଭୂଅର୍ଜନ ଅଧିକାରୀ, ଅନୁଗୁଳ ଡୁବୁରି ସୁକିନ୍ଦା ରୋଡ ନୂତନ ଓସାରିଆ ରେଳପଥ ଢେଙ୍କାନାଳଙ୍କ କାର୍ଯ୍ୟାଳୟରେ କାର୍ଯ୍ୟ ଦିବସ ମାନଙ୍କରେ ଦେଖିବାକୁ ମିଳିପାରିବ ।

**ତଫସିଲ – 'କ'**

**( ପ୍ରସ୍ତାବିତ ଭୂମି ଅଧିଗ୍ରହଣ ଅନୁସୂଚୀ )**

**ଜିଲ୍ଲା : ଢେଙ୍କାନାଳ** **ତହସିଲ :** ପରଜଙ୍ଗ

| ଗ୍ରାମର ନାମ | ଗ୍ରାମୀଣ / ସହରାଞ୍ଚଳ | ଖାତା ନଂ. | ପ୍ଲଟ ନଂ. | କିସମ | ମୋଟ ରକବା | ଅଧିଗ୍ରହଣ ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ମୁକ୍ତାପଶି | ଗ୍ରାମାଞ୍ଚଳ | 27 | 7065 | ସାରଦ-୩ | 0.280 | 0.072 | ଉଦୟ ନାଥ ମାହାଳିକ, ବୁଦ୍ଧିଆ ମାହାଳିକ ପି: ନିତା ମାହାଳିକ, ମାଟିଆ ମାହାଳିକ ପି: ଇନ୍ଦ୍ର ମାହାଳିକ ଜା: କେଉଟ ବା: ନିଜଗାଁ |
| ମୁକ୍ତାପଶି | ଗ୍ରାମାଞ୍ଚଳ | 27 | 7068 | ସାରଦ-୩ | 0.210 | 0.034 | |
| ମୁକ୍ତାପଶି | ଗ୍ରାମାଞ୍ଚଳ | 27 | 7061 | ସାରଦ-୩ | 0.170 | 0.020 | |
| ମୁକ୍ତାପଶି | ଗ୍ରାମାଞ୍ଚଳ | 27 | 7066 | ସାରଦ-୩ | 0.160 | 0.010 | |
| | | | | | ମୋଟ | **0.136** | |

- ଉକ୍ତ ଅଧିସୂଚିତ ଜମି ରକବା ମଧ୍ୟରୁ ଏ ......................... ସରଂକ୍ଷିତ ସରକାରୀ ଜମି ପ୍ରତିବଦଳ ପାଇଁ ଉଦ୍ଦିଷ୍ଟ ।

**ତଫସିଲ – ଖ**

**( ପୁନର୍ବାସ ନିମିତ୍ତ ଚିହ୍ନଟ ଭୂମି ଅନୁସୂଚୀ )**

**ଜିଲ୍ଲା : ଢେଙ୍କାନାଳ** **ତହସିଲ :** ପରଜଙ୍ଗ

| ଗ୍ରାମର ନାମ | ଗ୍ରାମୀଣ / ସହରାଞ୍ଚଳ | ଖାତା ନଂ. | ପ୍ଲଟ ନଂ. | କିସମ | ମୋଟ ରକବା | ପୁନର୍ବାସ ନିମନ୍ତେ ଚିହ୍ନଟ ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ପ୍ରଯୁଜ୍ୟ ନୁହେଁ | | | | | | | |

ଅଧିସୂଚନାର ବୈଧ ତାରିଖ ....................................... ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ନିଖିଲ ପୱନ କଲ୍ୟାଣ**

ଜିଲ୍ଲାପାଳ, ଢେଙ୍କାନାଳ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 260—173+15